# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

### 8 September – 2026

************************************

## ମୁଖ୍ୟ ସମ୍ବାଦ

- ସଂଯୁକ୍ତ ଆରବ ଏମିରେଟ୍ସ ଗସ୍ତରେ ମୁଖ୍ୟମନ୍ତ୍ରୀ : ଓଡିଶାରେ ପୁଞ୍ଜି ନିବେଶ ପାଇଁ ବିଭିନ୍ନ ଦେଶର ନିବେଶକ ଓ ଶିଳ୍ପପତିଙ୍କ ସହ କରିବେ ଆଲୋଚନା ।
- ରାଜ୍ୟରେ ନୂତନ ୧ହଜାର ୨ଶହ ଦୁଗ୍ଧ ସମବାୟ ସମିତି ପ୍ରତିଷ୍ଠା କରିବେ ସରକାର ।
- ପୁରୀ ଶ୍ରୀଜଗନ୍ନାଥ ମନ୍ଦିର ସହ ଜଡିତ ଶ୍ରୀମନ୍ଦିର, ରତ୍ନଭଣ୍ଡାର ଓ ଶ୍ରୀନଅର ନାମକୁ ମିଳିଲା ଟ୍ରେଡମାର୍କ ମାନ୍ୟତା
- କେନ୍ଦ୍ରାଞ୍ଚଳ ରେଞ୍ଜ ଅଧୀନସ୍ଥ ଜିଲ୍ଲାଗୁଡିକର ଆଇନ ଶୃଙ୍ଖଳା ଓ ଅପରାଧ ନିୟନ୍ତ୍ରଣ ସମ୍ପର୍କରେ ସମୀକ୍ଷା କଲେ ଆରକ୍ଷୀ ମହାନିର୍ଦ୍ଦେଶକ ।

ଏବଂ

- ରାଜ୍ୟର ୨୦ଟି ଜିଲ୍ଲାରେ ବଜ୍ରପାତ ସହ ବର୍ଷା ନେଇ ପାଣିପାଗ କେନ୍ଦ୍ରର ସତର୍କ ସୂଚନା ।

## ମୁଖ୍ୟମନ୍ତ୍ରୀ ୟୁଏଇ ଗସ୍ତ

ଓଡ଼ିଶାକୁ ଅଧିକ ପୁଞ୍ଜିନିବେଶ ଆଣିବା ଏବଂ ବିଶ୍ୱସ୍ତରରେ ରାଜ୍ୟର ନିବେଶ ସମ୍ଭାବନାକୁ ପ୍ରଦର୍ଶନ ଲକ୍ଷ୍ୟରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସଂଯୁକ୍ତ ଆରବ ଏମିରେଟ୍ସ–ୟୁଏଇ ଗସ୍ତରେ ଯାଇଛନ୍ତି। ଗସ୍ତ ଅବସରରେ ମୁଖ୍ୟମନ୍ତ୍ରୀ ଓଡ଼ିଶାରେ ବିଦେଶୀ ପୁଞ୍ଜିନିବେଶର ସୁଯୋଗ ଓ ସମ୍ଭାବନା ଉପରେ ବିଶ୍ୱର ନିବେଶକ ଓ ଶିଳ୍ପପତିମାନଙ୍କୁ ଅବଗତ କରାଇବେ। ଏଥିସହିତ ରାଜ୍ୟ ସହ ବିଭିନ୍ନ ଦେଶର ବ୍ୟବସାୟିକ ଓ ଶିଳ୍ପ ସମ୍ପର୍କକୁ ଆହୁରି ମଜଭୁତ କରିବା ଉପରେ ଗୁରୁତ୍ୱ ଦିଆଯିବ।

ଗସ୍ତର ପ୍ରଥମ ଦିନରେ ଆଜି ମୁଖ୍ୟମନ୍ତ୍ରୀ ଆବୁଧାବିରେ ଇଣ୍ଟରନ୍ୟାସନାଲ ହୋଲ୍ଡିଂ କମ୍ପାନୀ ଓ ଇଣ୍ଡିଆନ୍ ବିଜନେସ୍ ଆଣ୍ଡ ପ୍ରଫେସନାଲ ଗ୍ରୁପ୍‌ର ପ୍ରମୁଖ ନେତୃତ୍ୱଙ୍କ ସହ ଆଲୋଚନା କରିବେ। ରାଜ୍ୟ ଶିଳ୍ପ, ସୂଚନା ଓ ଲୋକସମ୍ପର୍କ ଏବଂ ଗୃହ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ହେମନ୍ତ ଶର୍ମା ସେଠାରେ ପହଞ୍ଚିବା ପରେ ନିବେଶକ ସମ୍ମିଳନୀର ପ୍ରସ୍ତୁତିର ସମୀକ୍ଷା କରିଛନ୍ତି । ଭାରତୀୟ ଦୂତାବାସର ଅଧିକାରୀ ଏବଂ ରାଜ୍ୟ ସରକାରଙ୍କ ପ୍ରତିନିଧି ଦଳ ସହ ଆଲୋଚନା କରି ଶ୍ରୀ ଶର୍ମା କାର୍ଯ୍ୟକ୍ରମର  ପ୍ରସ୍ତୁତି ଓ ସମନ୍ୱୟ ସମ୍ପର୍କରେ ପ୍ରତିକ୍ରିୟାରେ କହିଛନ୍ତି ।

**- V/O -**

ମୁଖ୍ୟମନ୍ତ୍ରୀ ଆଜି ଦୁବାଇରେ 'ଏକ ଜିଲ୍ଲା, ଏକ ଉତ୍ପାଦ' କାର୍ଯ୍ୟକ୍ରମ ଅଧୀନରେ ଓଡ଼ିଶାର ବିଭିନ୍ନ ଉତ୍ପାଦର ପ୍ରଦର୍ଶନୀକୁ ଉଦ୍‌ଘାଟନ କରିବେ। ଏହାବ୍ୟତୀତ ଓଡ଼ିଶା ନିବେଶକ ସମ୍ମିଳନୀରେ ଯୋଗଦେଇ ରାଜ୍ୟରେ

ନିବେଶ ପାଇଁ ରହିଥିବା ସୁଯୋଗ ସମ୍ପର୍କରେ ନିବେଶକମାନଙ୍କୁ ଅବଗତ କରାଇବେ। ଏହି ଅବସରରେ ମୁଖ୍ୟମନ୍ତ୍ରୀ ୟୁଏଇରେ ରହୁଥିବା ପ୍ରବାସୀ ଓଡ଼ିଆଙ୍କ ସହ ଆଲୋଚନା କରିବେ ବୋଲି ଜଣାପଡ଼ିଛି।

Desk

## ଓମଫେଡ

ରାଜ୍ୟରେ ନୂଆ ୧ହଜାର ୨ଶହ ଦୁଗ୍ଧ ସମବାୟ ସମିତି ପ୍ରତିଷ୍ଠା ହେବ ବୋଲି ମତ୍ସ୍ୟ ଓ ପଶୁପାଳନ  ମନ୍ତ୍ରୀ ଗୋକୁଳା ନନ୍ଦ ମଲ୍ଲିକ କହିଛନ୍ତି । ଦୁଗ୍ଧ ଚାଷୀଙ୍କୁ କ୍ଷୀର ଲିଟର ପିଛା ୨ଟଙ୍କା ଅଧିକ ଦେବାକୁ ଓମ୍‌ଫେଡ ପକ୍ଷରୁ ନିଷ୍ପତ୍ତି ନିଆଯାଇଛି । ଆସନ୍ତା ୧୧ତାରିଖରୁ ଚାଷୀଙ୍କୁ ଏହି ବର୍ଦ୍ଧିତ ମୂଲ୍ୟ ପ୍ରଦାନ କରାଯିବ । ଏହା ଦ୍ୱାରା ରାଜ୍ୟର ୩ଲକ୍ଷରୁ ଊର୍ଦ୍ଧ୍ୱ ଦୁଗ୍ଧ ଚାଷୀ ଉପକୃତ ହେବେ ବୋଲି ମନ୍ତ୍ରୀ ସୂଚନା ଦେଇଛନ୍ତି ।

Puri

## ଶ୍ରୀଜଗନ୍ନାଥଙ୍କ ଜମି ଜବରଦଖଲ

ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ଜମି ଜବରଦଖଲ  ମୁକ୍ତ ନେଇ ପ୍ରକ୍ରିୟା ଖୁବ୍ ଶୀଘ୍ର ଆରମ୍ଭ ହେବ ବୋଲି ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ କହିଛନ୍ତି । ଦୀର୍ଘବର୍ଷ ଧରି ମହାପ୍ରଭୁଙ୍କ ଜମିରେ ରହୁଥିବା ଲୋକମାନେ ଏହି ବନ୍ଦୋବସ୍ତ ସୁବିଧା ପାଇବେ । ଏ ନେଇ ଖୁବ୍ ଶୀଘ୍ର ଏକ ଅନଲାଇନ ପୋର୍ଟାଲ ଖୋଲାଯିବା ସହିତ ମଠ ପାଇଁ ୧୦୦ଡିସିମିଲି ଜମିକୁ ମାଗଣାରେ ବନ୍ଦୋବସ୍ତ କରାଯିବ । ଏହି ପ୍ରକ୍ରିୟାକୁ ଆଗାମୀ ଦୁଇବର୍ଷ ମଧ୍ୟରେ ଶେଷ କରାଯିବ ବୋଲି ମନ୍ତ୍ରୀ ଶ୍ରୀ ହରିଚନ୍ଦନ କହିଛନ୍ତି ।

**- V/O -**

Puri

# ଟ୍ରେଡମାର୍କ

ପୁରୀ ଶ୍ରୀଜଗନ୍ନାଥ ମନ୍ଦିର ସହ ଜଡିତ ଶ୍ରୀମନ୍ଦିର, ରତ୍ନଭଣ୍ଡାର ଏବଂ ଶ୍ରୀନଅର ନାମକୁ ଟ୍ରେଡମାର୍କ ମାନ୍ୟତା ମିଳିଛି । ତୃତୀୟ ପର୍ଯ୍ୟାୟରେ ଶ୍ରୀମନ୍ଦିର ପ୍ରଶାସନକୁ ଏହି ମାନ୍ୟତା ମିଳିଥିବା ଜଣାପଡିଛି । ଦ୍ୱିତୀୟ ପର୍ଯ୍ୟାୟରେ ଜଗନ୍ନାଥ ଧାମ, ଶ୍ରୀକ୍ଷେତ୍ର, ମହାପ୍ରସାଦ, ନୀଳଚକ୍ର, କୋଇଲି ବୈକୁଣ୍ଠ ନାମକୁ ଟ୍ରେଡମାର୍କ ମାନ୍ୟତା ମିଳିଥିଲା । ମନ୍ଦିର ପ୍ରଶାସନ ପକ୍ଷରୁ ମହାପ୍ରଭୁଙ୍କ ଆସ୍ଥା ଓ ବିଶ୍ୱାସ ସହ ଜଡିତ ଅଣତିରିଶଟି ନାମ ପାଇଁ ଟ୍ରେଡମାର୍କ ମାନ୍ୟତା ଆବେଦନ କରାଯାଇଥିଲା ।

Puri

# ପ୍ରଲମ୍ବାସୁରବଧ ବେଶ

ପୁରୀ ଶ୍ରୀମନ୍ଦିରରେ ଆଜି ମହାପ୍ରଭୁଙ୍କ ପ୍ରଲମ୍ବାସୁରବଧ ବେଶ ଅନୁଷ୍ଠିତ ହେଉଛି । ଭାଦ୍ରବ କୃଷ୍ଣ ଦ୍ୱାଦଶୀ ତିଥିରେ ମଧ୍ୟାହ୍ନ ଧୂପ ପରେ ଶ୍ରୀବଳଭଦ୍ର ପ୍ରଲମ୍ବାସୁରକୁ ବଧ କରୁଥିବା ବେଶରେ ସଜ୍ଜିତ କରାଯାଇଛି। ଏହି ବେଶରେ ପ୍ରଭୁ ବଳଭଦ୍ର ଦେବଙ୍କର ଏକ ହସ୍ତରେ ହଳ ଏବଂ ଅନ୍ୟ ହସ୍ତରେ ମୁଷଳ ଶୋଭା ପାଉଛି । ପ୍ରାୟ ଚାରିଫୁଟ ଉଚ୍ଚତାର ଏକ କାଷ୍ଠ ନିର୍ମିତ ପ୍ରଲମ୍ବାସୁର ମୂର୍ତ୍ତି ରତ୍ନ ସିଂହାସନର ବଳଭଦ୍ରଙ୍କ ନିମ୍ନଭାଗରେ ରଖାଯାଇଛି । ବିଶ୍ୱାସ ରହିଛି ଏହି ବେଶରେ ଶ୍ରୀବିଗ୍ରହମାନଙ୍କୁ ଦର୍ଶନ କଲେ ଅଶେଷ ପୁଣ୍ୟ ପ୍ରାପ୍ତି ହୋଇଥାଏ ।

## ଉଚ୍ଚସ୍ତରୀୟ ସମୀକ୍ଷା ବୈଠକ

କଟକ ସ୍ଥିତ ରାଜ୍ୟ ପୁଲିସ ମୁଖ୍ୟାଳୟରେ ଆରକ୍ଷୀ ମହାନିର୍ଦ୍ଦେଶକ ବିନୟ ତୋଷ ମିଶ୍ରଙ୍କ ଅଧ୍ୟକ୍ଷତାରେ କେନ୍ଦ୍ରାଞ୍ଚଳ ରେଞ୍ଜ ଅଧୀନସ୍ଥ ଜିଲ୍ଲାଗୁଡିକର ଆଇନ ଶୃଙ୍ଖଳା, ଅପରାଧ ନିୟନ୍ତ୍ରଣ ସମ୍ପର୍କୀତ ଉଚ୍ଚସ୍ତରୀୟ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି । ଏଥିରେ ଜିଲ୍ଲାଗୁଡିକର ସମାଗ୍ରିକ ଆଇନ, ଶୃଙ୍ଖଳା ସ୍ଥିତି ସହ ଗୁରୁତର ଅପରାଧ ନିୟନ୍ତ୍ରଣ, ସଡକ ଦୁର୍ଘଟଣା ଜନିତ ମୃତ୍ୟୁହ୍ରାସ, ଅବକାରୀ ଅପରାଧ ଦମନ, ନିଶାମୁକ୍ତ ଓଡିଶା ଗଠନ ଦିଗରେ ପଦକ୍ଷେପ, ସାଇବର ଅପରାଧ ସମ୍ପର୍କରେ ଆଲୋଚନା କରାଯାଇଥିଲା । ରାଜ୍ୟର ଅନେକ ଗୁରୁତ୍ୱପୂର୍ଣ୍ଣ ଜିଲ୍ଲା, କେନ୍ଦ୍ରାଞ୍ଚଳ ରେଞ୍ଜ ଅଧୀନରେ ଥିବାରୁ ଏହି ଅଞ୍ଚଳ ଆଇନ ଶୃଙ୍ଖଳା ସ୍ଥିତିର ବିଶେଷ ଗୁରୁତ୍ୱ ରହିଛି ବୋଲି ଶ୍ରୀ ମିଶ୍ର କହିଥିଲେ । ଆଗାମୀ ଦିନରେ ଅନେକ ପର୍ବପର୍ବାଣୀ ଅନୁଷ୍ଠିତ ହେବାକୁ ଥିବାରୁ ଶାନ୍ତି ଶୃଙ୍ଖଳା ଓ ସୁରକ୍ଷିତ ପରିବେଶରେ ପୂଜା ସମ୍ପନ୍ନ କରିବା ପାଇଁ ଯୋଜନା ପ୍ରସ୍ତୁତ କରିବାକୁ ସେ ନିର୍ଦ୍ଦେଶ ଦେଇଥିଲେ । ପୁଲିସ ଓ ଜନସାଧାରଣଙ୍କ ମଧ୍ୟରେ ଉତ୍ତମ ସମ୍ପର୍କ, ଆଇନ ଶୃଙ୍ଖଳା ରକ୍ଷାରେ ଏକ ଗୁରୁତ୍ୱପୂର୍ଣ୍ଣ ଦିଗ, ଅପରାଧ ନିୟନ୍ତ୍ରଣକୁ ଆହୁରି ପ୍ରଭାବଶାଳୀ ଦିଗରେ ସେମାନଙ୍କ ଗତିବିଧି ଉପରେ ନଜର ରଖି ଦୃଢ ପଦକ୍ଷେପ ନେବାକୁ ଡିଜିପି ନିର୍ଦ୍ଦେଶ ଦେଇଥିଲେ ।

Desk

# ସୁରକ୍ଷା ସେତୁ

ରାଜ୍ୟର ବିଭିନ୍ନ କାରଖାନାରେ ଶିଳ୍ପ ସୁରକ୍ଷାକୁ ସୁଦୃଢ କରିବା ଏବଂ ଦୁର୍ଘଟଣା ନିବାରଣକୁ ପ୍ରୋତ୍ସାହିତ କରିବା ଦିଗରେ ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ ସ୍ୱରୂପ ସୁରକ୍ଷା ସେତୁ' ମାର୍ଗଦର୍ଶିକାକୁ ଶ୍ରମ ଓ କର୍ମଚାରୀ ରାଜ୍ୟ ବୀମା ମନ୍ତ୍ରୀ ଗଣେଶରାମ ସିଂ ଖୁଣ୍ଟିଆ ଉନ୍ମୋଚନ କରିଛନ୍ତି । ସୁରକ୍ଷା ସମ୍ପର୍କୀତ ଜ୍ଞାନ ଓ ସଚେତନତାର ବ୍ୟାପକ ପ୍ରସାର ଦ୍ୱାରା ଶିଳ୍ପ ପ୍ରତିଷ୍ଠାନରେ କାର୍ଯ୍ୟରତ  ଶ୍ରମିକ ଓ କର୍ମଚାରୀମାନେ କାର୍ଯ୍ୟକ୍ଷେତ୍ରରେ ସୁରକ୍ଷିତ ପରିବେଶ ପାଇପାରିବେ ବୋଲି ମନ୍ତ୍ରୀ କହିଛନ୍ତି ।

HS

# ପି.ଆଇ.ପି.

ଭୁବନେଶ୍ୱରଠାରେ ଆୟୋଜିତ ଜାତୀୟ ସ୍ୱାସ୍ଥ୍ୟ ମିଶନର କାର୍ଯ୍ୟକ୍ରମ କାର୍ଯ୍ୟାନ୍ୱୟନ ଯୋଜନା-ପି.ଆଇ.ପି.-୨୦୨୬-୨୭ ବୈଠକରେ ସ୍ୱାସ୍ଥ୍ୟମନ୍ତ୍ରୀ ଡକ୍ଟର ମୁକେଶ ମହାଲିଙ୍ଗ ଯୋଗଦେଇ ସ୍ୱାସ୍ଥ୍ୟ ସେବା ସମ୍ପର୍କୀତ ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ବିଷୟରେ ଆଲୋଚନା କରିଛନ୍ତି । ପି.ଆଇ.ପି.-୨୦୨୬-୨୭ ପାଇଁ କେନ୍ଦ୍ର ସରକାର ୩ହଜାର ୧୪୯କୋଟି ୩୯ଲକ୍ଷ ଟଙ୍କା ଅନୁମୋଦନ କରିଥିବାବେଳେ ଏଥିରେ କାର୍ଯ୍ୟଦକ୍ଷତା ଭିତ୍ତିକ ବ୍ୟବସ୍ଥା ଉପରେ ଅଧିକ ଗୁରୁତ୍ୱ ଦିଆଯାଇଛି । ପ୍ରାଥମିକ ସ୍ୱାସ୍ଥ୍ୟସେବାକୁ ସୁଦୃଢ କରିବା, ରୋଗ ନିରାକରଣ ଏବଂ ସଚେତନତା ବୃଦ୍ଧି ଦିଗରେ ଅଧିକ ପ୍ରଭାବଶାଳୀ ପଦକ୍ଷେପ ନେବା ପାଇଁ ବୈଠକରେ ଆଲୋଚନା ହୋଇଛି ।

Desk

## ହସ୍ତଶିଳ୍ପ ପ୍ରଦର୍ଶନୀ

ଭୁବନେଶ୍ୱର ଏକାମ୍ର ହାଟଠାରେ ରାଜ୍ୟସ୍ତରୀୟ ସ୍ୱତନ୍ତ୍ର ହସ୍ତଶିଳ୍ପ ପ୍ରଦର୍ଶନୀ 'ଉତ୍କଳ-ଶ୍ରୀ ଗଣେଶ'କୁ ସମବାୟ, ହସ୍ତତନ୍ତ, ବୟନଶିଳ୍ପ ଓ ହସ୍ତଶିଳ୍ପ ମନ୍ତ୍ରୀ ପ୍ରଦୀପ ବଳ ସାମନ୍ତ ଉଦ୍‌ଘାଟନ କରିଛନ୍ତି । ଏଥିରେ ୧୬ଟି ଜିଲ୍ଲାର ୩୪ଜଣ ହସ୍ତଶିଳ୍ପୀ ଅଂଶଗ୍ରହଣ କରିଥିବା ବେଳେ ୩୩ଟି ଷ୍ଟଲ କରାଯାଇଛି ।ଏହା ଆସନ୍ତା ରବିବାର ପର୍ଯ୍ୟନ୍ତ ଚାଲିବ ।

Nayagada

## ଶୁଭାରମ୍ଭ ଓ ଉଦ୍‌ଘାଟନ

ସାଂସଦ ସୁକାନ୍ତ କୁମାର ପାଣିଗ୍ରାହୀ ନୟାଗଡ ଜିଲ୍ଲା ନୂଆଗାଁ ବ୍ଲକର ବିଭିନ୍ନ ପଞ୍ଚାୟତରେ ହେବାକୁ ଥିବା ବିକାଶମୂଳକ ପ୍ରକଳ୍ପର ଶୁଭାରମ୍ଭ ଓ ଉଦ୍‌ଘାଟନ କରିଛନ୍ତି । ଏହି ଅବସରରେ ଚାହାଲୀ ଜନଶକ୍ତି ଉଚ୍ଚ ବିଦ୍ୟାଳୟ ପରିସରରେ ଗୋଦାବରୀଶ ବିଦ୍ୟାଳୟ ନିର୍ମାଣ ପାଇଁ ପ୍ରଥମ ପର୍ଯ୍ୟାୟରେ ୬କୋଟି ଟଙ୍କାର ଅନୁଦାନ ପ୍ରଦାନ କରାଯାଇଛି ।

Malkangiri/ Nabaranga pur, Debagarh/R

## ଉଲ୍ଲାସ ଓ ସାକ୍ଷରତା ଦିବସ

ଅନ୍ତର୍ଜାତୀୟ ସାକ୍ଷରତା ଦିବସ ଅବସରରେ ମାଲକାନଗିରି ଜିଲ୍ଲାର ସମସ୍ତ ସାତୋଟି ବ୍ଲକରେ ବିଭିନ୍ନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଏଥିରେ ନବଭାରତ ସାକ୍ଷରତା ଅଭିଯାନ ସହିତ ଉଲ୍ଲାସ କାର୍ଯ୍ୟକ୍ରମ ସମ୍ପର୍କରେ ଜନସାଧାରଣଙ୍କୁ ସଚେତନ କରାଯାଇଥିଲା ।

ନବରଙ୍ଗପୁର ଜିଲ୍ଲା ସ୍ଥାନୀୟ ଆରଡିସି ନୋଡାଲ ଉଚ୍ଚ ବିଦ୍ୟାଳୟ ପରିସରରେ ଉଲ୍ଲାସ କାର୍ଯ୍ୟକ୍ରମ ଅଧୀନରେ ଜିଲ୍ଲାସ୍ତରୀୟ ସାକ୍ଷରତା ଦିବସ ପାଳିତ ହୋଇଯାଇଛି । କାର୍ଯ୍ୟକ୍ରମରେ ଶିକ୍ଷାର୍ଥୀ ପଞ୍ଜୀକରଣ କ୍ଷେତ୍ରରେ ଉଲ୍ଲେଖନୀୟ ପ୍ରଦର୍ଶନ କରିଥିବା ପଦାଧିକାରୀଙ୍କୁ ସମ୍ମାନୀତ କରାଯାଇଥିଲା ।

ଦେବଗଡ ଜିଲ୍‌ଲା ସ୍ଥାନୀୟ ଟାଉନ୍ ସରକାରୀ ବିଦ୍ୟାଳୟରେ ଏହି ଦିବସ ପାଳିତ ହୋଇଯାଇଛି ।

Rayagada

## ଜିଲ୍ଲା ପରିଷଦ ସମ୍ମିଳନୀ

ରାୟଗଡା ଜିଲ୍ଲା ପରିଷଦର ୮୩ତମ ବୈଠକ ସ୍ଥାନୀୟ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ଜିଲ୍ଲାର ସ୍ୱାସ୍ଥ୍ୟ, ଶିକ୍ଷା, ଗମନାଗମନ, ପାନୀୟଜଳ ଏବଂ ଆଶ୍ରମ ବିଦ୍ୟାଳୟଗୁଡିକରେ ଛାତ୍ରଛାତ୍ରୀଙ୍କ ସମସ୍ୟା ସମ୍ପର୍କରେ ଆଲୋଚନା ହୋଇଥିଲା ।

Nayagada

## ଭିନ୍ନକ୍ଷମ ଅଭିଯାନ ଶିବିର

ନୟାଗଡ ଜିଲ୍ଲା ଭାପୁର ବ୍ଲକ ସାମାଜିକ ସୁରକ୍ଷା ବିଭାଗ ପକ୍ଷରୁ ବ୍ଲକ କାର୍ଯ୍ୟାଳୟ ପରିସରରେ ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଅଭିଯାନ ଶିବିର ଆୟୋଜିତ ହୋଇଯାଇଛି । ଶିବିରରେ ୨୦ଟି ପଞ୍ଚାୟତରୁ ଭିନ୍ନକ୍ଷମ ପ୍ରମାଣପତ୍ର ପାଇଁ ଆବେଦନ କରିଥିବା ୧୮୭ଜଣଙ୍କର' ବିଶେଷଜ୍ଞଙ୍କ ଦ୍ୱାରା ସ୍ୱାସ୍ଥ୍ୟ ପରୀକ୍ଷା କରାଯାଇଥିଲା ।

Boudha

## ଭିନ୍ନକ୍ଷମ ସାମର୍ଥ୍ୟ ଶିବିର

ବୌଦ୍ଧ ଜିଲ୍ଲା ଟାଉନହଲ୍ ପରିସରରେ ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର ଅନୁଷ୍ଠିତ ହୋଇଯାଇଛି । ଶିବିରରେ ୮୫ଜଣ ଭିନ୍ନକ୍ଷମ ପ୍ରମାଣପତ୍ର ପାଇଁ ପଞ୍ଜୀକରଣ କରିଥିବାବେଳେ ୪୮ଜଣଙ୍କୁ ଭିନ୍ନକ୍ଷମ ପ୍ରମାଣପତ୍ର ପ୍ରଦାନ ପାଇଁ ଚିହ୍ନଟ କରାଯାଇଛି ।

Boudha

## ଖାଦ୍ୟ ମହୋତ୍ସବ

ବୌଦ୍ଧ ଜିଲ୍ଲାପାଳଙ୍କ କାର୍ଯ୍ୟ ପରିସରରେ ଜିଲ୍ଲାପାଳ ବିଭୂତି ଭୂଷଣ ନାୟକଙ୍କ ଅଧ୍ୟକ୍ଷତାରେ ଆମ ଖାଦ୍ୟ, ଆମ ସଂସ୍କୃତି- ପ୍ଲାଷ୍ଟିକ ମୁକ୍ତ ଖାଦ୍ୟ ମହୋତ୍ସବ ପାଇଁ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ଆସନ୍ତା ୧୧ତାରିଖରେ ଜିଲ୍ଲାର ମର୍ଜାକୁଦସ୍ଥିତ କଲ୍ୟାଣମଣ୍ଡପ ଠାରେ ଆୟୋଜନ ହେବା ପାଇଁ ନିଷ୍ପତ୍ତି ନିଆଯାଇଛି ।

Ganjam

## ସଫେଇ କାର୍ଯ୍ୟକ୍ରମ

ଗଞ୍ଜାମ ଜିଲ୍ଲାରେ ‘ଆମ ଗଞ୍ଜାମ, ସ୍ୱଚ୍ଛ ଗଞ୍ଜାମ’ ଅଭିଯାନ ମାଧ୍ୟମରେ ପ୍ରତ୍ୟେକ ମଙ୍ଗଳବାର ସାମୂହିକ ୍ସଫେଇ କାର୍ଯ୍ୟକ୍ରମ ଆୟୋଜିତ ହେଉଛି । ଏହି କ୍ରମରେ ଆଜି ଛତ୍ରପୁର ପୌର ପରିଷଦ ଅନ୍ତର୍ଗତ

ଆର୍ଯ୍ୟପଲ୍ଲୀ ଅଞ୍ଚଳରେ ସାମୂହିକ ସଫେଇ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି ।

BDk

## ନିଶାମୁକ୍ତ ଅଭିଯାନ

ଭଦ୍ରକ ଜିଲ୍ଲାରେ ନିଶାଦ୍ରବ୍ୟ ଚୋରାଚାଲାଣ ଓ ବ୍ୟବହାରକୁ ରୋକିବା ସହ ଯୁବପିଢିଙ୍କୁ ନିଶାମୁକ୍ତ ଜୀବନ ପ୍ରତି ଉତ୍ସାହିତ କରିବା ଉଦ୍ଦେଶ୍ୟ ନେଇ ଜିଲ୍ଲାସ୍ତରୀୟ ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ଜିଲ୍ଲାରେ ନିଶାଦ୍ରବ୍ୟ ବିକ୍ରୟ ଏବଂ ବ୍ୟବହାର ଉପରେ ନିୟନ୍ତ୍ରଣ ପାଇଁ ସମନ୍ୱିତ ପଦକ୍ଷେପ ସଂକ୍ରାନ୍ତରେ ଆରକ୍ଷୀ ଅଧୀକ୍ଷକ ମନୋଜ ରାଉତ ଗୁରୁତ୍ୱାରୋପ କରିଥିଲେ ।

Desk

## ପାଣିପାଗ

ପଶ୍ଚିମ କେନ୍ଦ୍ରୀୟ ପାର୍ଶ୍ୱବର୍ତ୍ତୀ, ଉତ୍ତର ପଶ୍ଚିମ ବଙ୍ଗୋପସାଗରରେ ଆସନ୍ତା ଶୁକ୍ରବାର ସୁଦ୍ଧା ଆଉ ଏକ ଲଘୁଚାପ କ୍ଷେତ୍ର ସୃଷ୍ଟି ହେବାର ସମ୍ଭାବନା ରହିଛି। ଏହାର ପ୍ରଭାବରେ ଉତ୍ତର ଆନ୍ଧ୍ରପ୍ରଦେଶ ଓ ଦକ୍ଷିଣ ଉପକୂଳ ଓଡ଼ିଶାରେ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି। ରାଜ୍ୟର ବିଭିନ୍ନ ସ୍ଥାନରେ ଆସନ୍ତା ପାଞ୍ଚଦିନ ପର୍ଯ୍ୟନ୍ତ ବିଜୁଳି ଘଡ଼ଘଡ଼ି ସହ ବର୍ଷା ହେବା ନେଇ ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ଅନୁମାନ

କରାଯାଇଛି। ବଜ୍ରପାତ ସହ ବର୍ଷା ନେଇ ଆସନ୍ତା ୨୪ ଘଣ୍ଟା ମଧ୍ୟରେ ୨୦ଟି ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି।